ସମ୍ବାଦ

# ସାଧାରଣ ମଣିଷର ସ୍ୱରକୁ ଉପସ୍ଥାପନ କରିବାରେ ନାଟକ ସର୍ବଶ୍ରେଷ୍ଠ ମାଧ୍ୟମ




## 'ନାଟକର ସାମାଜିକ ପ୍ରାସଙ୍ଗିକତା' ଆଲୋଚନାଚକ୍ର

ଭୁବନେଶ୍ୱର, ୧୮/୪(ଇମିସ): ନାଟକ ସାହିତ୍ୟ ଓ ସଂସ୍କୃତିର ସମନ୍ୱୟ। ସାଧାରଣ ମଣିଷର ସ୍ୱରକୁ ଉପସ୍ଥାପନ କରିବାର ସର୍ବଶ୍ରେଷ୍ଠ ମାଧ୍ୟମ ହେଉଛି ନାଟକ। କେନ୍ଦ୍ର ସାହିତ୍ୟ ଅକାଦେମି ଏବଂ ରାଜ୍ୟର ପୁରାତନ ନାଟ୍ୟାନୁଷ୍ଠାନ 'ଶତାବ୍ଦୀର କଳାକାର'ର ମିଳିତ ଆନୁକୂଲ୍ୟରେ 'ନାଟକର ସାମାଜିକ ପ୍ରାସଙ୍ଗିକତା' ଶୀର୍ଷକ ଆଲୋଚନାଚକ୍ରକୁ ଉଦ୍‌ଘାଟନ କରି ନାଟ୍ୟ ନିର୍ଦ୍ଦେଶକ ଅନନ୍ତ ମହାପାତ୍ର ଏହା କହିଛନ୍ତି।

ଭୁବନେଶ୍ୱରସ୍ଥିତ ଉତ୍କଳ ମଣ୍ଡପରେ ଅନୁଷ୍ଠିତ ଏହି ଆଲୋଚନାଚକ୍ରରେ ସାହିତ୍ୟ ଅକାଦେମିର ଓଡ଼ିଆ ଉପଦେଷ୍ଟା ମଣ୍ଡଳୀର ଆବାହକ ତଥା କଥାକାର ଗୌରହରି ଦାସ ଅଧ୍ୟକ୍ଷତା କରି 'ଆମ ସମାଜ ଉପରେ ନାଟକର ପ୍ରଭାବ ସବୁଠୁ ଅଧିକ। ଏହା ଏକ ଆବେଗିକ ସ୍ପନ୍ଦନର ସୃଷ୍ଟି କରିଥାଏ' ବୋଲି କହିଥିଲେ। ସାହିତ୍ୟ ଅକାଦେମିର ସାଧାରଣ ପରିଷଦ ସଦସ୍ୟ ପ୍ରଫେସର ବିଜୟ କୁମାର ଶତପଥୀ ଭିତ୍ତିପ୍ରବନ୍ଧ ଉପସ୍ଥାପନ କରି କହିଲେ ନାଟକ ଏମିତି ଏକ ମାଧ୍ୟମ ଯେଉଁଥିରେ ପ୍ରେମ, ବିଦ୍ରୋହ, ପ୍ରତିବାଦ,

## ନାଟକ ସାହିତ୍ୟ ଓ ସଂସ୍କୃତିର ସମନ୍ୱୟ: ଅନନ୍ତ ମହାପାତ୍ର

ସଂଘର୍ଷ ସବୁ ଉପାଦାନ ଭରି ହୋଇରହିଥାଏ। ଏଥିରେ ସବୁ ବର୍ଗର ମଣିଷର କଥା ଓ ବ୍ୟଥା ରହିଥାଏ । ସାହିତ୍ୟ ଅକାଦେମି କୋଲକାତାର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାୟକ ସ୍ୱାଗତ ଭାଷଣ ଓ ଶତାବ୍ଦୀର କଳାକାରର ସାଧାରଣ ସମ୍ପାଦକ ଧୀର ମଲ୍ଲିକ୍ ଧନ୍ୟବାଦ ଦେଇଥିଲେ। ଆଲୋଚନାରେ ବିଶିଷ୍ଟ ନାଟ୍ୟବ୍ୟକ୍ତିତ୍ୱ ନାରାୟଣ ସାହୁ, ବିଜୟ କୁମାର ଶତପଥୀ, ନରେନ୍ଦ୍ର ମିଶ୍ର, ସତ୍ୟବ୍ରତ ରାଉତ, ଗୌରାଙ୍ଗ ରାଉତ, ପ୍ରବୋଧ ରଥ, କଳାଚେନ୍ଦୁ ରଥ, ଉପେନ୍ଦ୍ର ପ୍ରସାଦ ନାୟକ ପ୍ରମୁଖ ପ୍ରବନ୍ଧ ଉପସ୍ଥାପନ କରିଥିଲେ। ପ୍ରଥମ ଅଧିବେଶନରେ ପୂର୍ଣ୍ଣଚନ୍ଦ୍ର ମଲ୍ଲିକ ଅଧ୍ୟକ୍ଷତା କରିଥିବାବେଳେ ଶତାବ୍ଦୀର କଳାକାରର ଉପଦେଷ୍ଟା ବିଜୟ କୁମାର ଦାସ ଧନ୍ୟବାଦ ଦେଇଥିଲେ। ଭୁବନେଶ୍ୱରର ବହୁ ନାଟ୍ୟକାର ଓ ନାଟ୍ୟପ୍ରେମୀ ଏହି ଆଲୋଚନାଚକ୍ରରେ ଉପସ୍ଥିତ ଥିଲେ।